
# ବୈଷ୍ଣବ ଚରଣ ପାଇବେ କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର

**ନିର୍ଭୟ ମିଡିଆ : ଭୁବନେଶ୍ୱର**

ବିଶିଷ୍ଟ ଓଡ଼ିଆ ସାହିତ୍ୟିକ ବୈଷ୍ଣବ ଚରଣ ସାମଲଙ୍କୁ ତାଙ୍କ ରଚିତ 'ଭୂତି ଭକ୍ତି ବିଭୂତି' ପ୍ରବନ୍ଧ ପୁସ୍ତକ ପାଇଁ କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର ପ୍ରଦାନ କରାଯିବ । ଏହା ଘୋଷଣା ପରେ ପ୍ରଫେସର ସାମଲଙ୍କୁ ସାହିତ୍ୟିକ ମହଲରୁ ଶୁଭେଚ୍ଛାର ସୁଅ ଛୁଟିଛି ।




ପ୍ରବନ୍ଧ ଓ ସମାଲୋଚନା କ୍ଷେତ୍ରରେ ବେଶ୍ ଜଣାଶୁଣା ପ୍ରଫେସର ସାମଲ ୧୯୩୯ ମସିହା ଫେବୃଆରୀ ୨୭ ତାରିଖରେ କେନ୍ଦ୍ରାପଡ଼ା ଜିଲ୍ଲାର ଚାରିଗାଁଠାରେ ଜନ୍ମ ଗ୍ରହଣ କରିଥିଲେ। ତାଙ୍କ ପ୍ରଥମ କବିତା ଥିଲା 'ନେତା କିଏ'। ୧୯୬୪-୬୫ ମସିହାରୁ ସେ ପ୍ରବନ୍ଧ ଓ ସମାଲୋଚନା ସାହିତ୍ୟ ଲେଖିବା ଆରମ୍ଭ କରିଥିଲେ। ତାଙ୍କ ଲିଖିତ ପ୍ରଥମ ପ୍ରବନ୍ଧ ଥିଲା ମରୁତୀର୍ଥ। ତାଙ୍କ ଲେଖା ସେ ସମୟର ବହୁ ପତ୍ରିକାରେ ପ୍ରକାଶ ପାଉଥିଲା। ସେହିସବୁ ପ୍ରବନ୍ଧ ମଧ୍ୟରୁ କୋଡ଼ିଏଟି ପ୍ରବନ୍ଧକୁ ସଂକଳିତ କରି, ୧୯୭୧ ମସିହାରେ 'ଜଗନ୍ନାଥ ରଥ' ପ୍ରକାଶନ ସଂସ୍ଥା ତାଙ୍କର ପ୍ରଥମ ପୁସ୍ତକ ପ୍ରକାଶ କରିଥିଲେ। ପୁସ୍ତକଟିର ନାମ ଥିଲା 'କଳା ସଂସ୍କୃତି ଓ ସାହିତ୍ୟ'। ସେହି ବର୍ଷ ତାଙ୍କର ପ୍ରଥମ କବିତା ପୁସ୍ତକ ସମୟର ଲିପି ମଧ୍ୟ ପ୍ରକାଶ ପାଇଥିଲା। **(ଶେଷଭାଗ)**